# ଆମ ବ୍ୟାକରଣ

(ଅଷ୍ଟମ ଶ୍ରେଣୀ)

ପ୍ରକାଶକ

ମାଧ୍ୟମିକ ଶିକ୍ଷା ପରିଷଦ, ଓଡ଼ିଶା

# ଆମ ବ୍ୟାକରଣ

**(ଅଷ୍ଟମ ଶ୍ରେଣୀ)**

**ମାଧ୍ୟମିକ ଶିକ୍ଷା ପରିଷଦ, ଓଡ଼ିଶାଙ୍କ ଦ୍ୱାରା ଅନୁମୋଦିତ ଓ ପ୍ରକାଶିତ**

**© ସର୍ବସ୍ୱତ୍ୱ ସଂରକ୍ଷିତ**

**ଲେଖକମଣ୍ଡଳୀ :** ପ୍ରଫେସର ଡକ୍ଟର ବୈଷ୍ଣବ ଚରଣ ସାମଲ (ସମୀକ୍ଷକ)
ପ୍ରଫେସର ଡକ୍ଟର ବିଜୟ କୁମାର ଶତପଥୀ
ଡକ୍ଟର ସନ୍ତୋଷ କୁମାର ତ୍ରିପାଠୀ
ନିରଞ୍ଜନ ସାହୁ

**ସଂଯୋଜନା :** ଡକ୍ଟର ମୀନାକ୍ଷୀ ଦାସ

**ପ୍ରଥମ ସଂସ୍କରଣ : ୨୦୧୧ / ୨୦୧୫**

**ଟାଇପ୍ ସେଟିଂ :** ଲିପି କ୍ଲାରିଟି, ଶିଖରପୁର, କଟକ

**ମୁଦ୍ରଣ : ପାଠ୍ୟପୁସ୍ତକ ଉତ୍ପାଦନ ଓ ବିକ୍ରୟ, ଭୁବନେଶ୍ୱର**

**ମୂଲ୍ୟ :**

# ଭୂମିକା

ଆମ ରାଜ୍ୟର ଅଷ୍ଟମ ଶ୍ରେଣୀର ଶିକ୍ଷାର୍ଥୀମାନଙ୍କ ନିମନ୍ତେ ନୂତନ ଭାବେ ପ୍ରସ୍ତୁତ ହୋଇଥିବା ଏହି **'ଆମ ବ୍ୟାକରଣ'** ପୁସ୍ତକଟି ଛାତ୍ରଛାତ୍ରୀଉପଯୋଗୀ ତଥା ଅଭ୍ୟାସଭିତ୍ତିକ କରିବାକୁ ଲେଖକମଣ୍ଡଳୀ ଯଥାସାଧ୍ୟ ପ୍ରୟାସ କରିଛନ୍ତି । ଜାତୀୟ ପାଠ୍ୟକ୍ରମ ଆଧାର - ୨୦୦୫ ଏବଂ ରାଜ୍ୟ ପାଠ୍ୟକ୍ରମ ଆଧାର-୨୦୦୭ ଅନୁଯାୟୀ ପୁସ୍ତକଟି ପ୍ରସ୍ତୁତ କରାଯାଇଅଛି । ଶିକ୍ଷକଶିକ୍ଷୟିତ୍ରୀମାନେ ଏହି ପୁସ୍ତକ ଆଧାରରେ ୨୦୧୧-୧୨ ଶିକ୍ଷାବର୍ଷରୁ ଶ୍ରେଣୀରେ ଅଧିକ ଅଭ୍ୟାସ କରାଇ ଛାତ୍ରଛାତ୍ରୀମାନଙ୍କୁ ଭାଷାଶିକ୍ଷା ପ୍ରତି ଆଗ୍ରହୀ କରାଇବାକୁ ଅନୁରୋଧ । ଭାଷାଜ୍ଞାନ ଉପରେ ଦକ୍ଷତା ଅର୍ଜନ, ନିର୍ଭୁଲ ଲିଖନ ଓ ଉଚ୍ଚାରଣ ଭଳି ଓଡ଼ିଆ ଭାଷାର ସ୍ୱତନ୍ତ୍ର ବିଭବରେ ଛାତ୍ରଛାତ୍ରୀମାନେ ବିଭୂଷିତ ହେବା ନିମନ୍ତେ ପରିଷଦର ଏହି ପ୍ରୟାସକୁ ଫଳବତୀ କରାଇବାରେ ସମସ୍ତଙ୍କ ସହଯୋଗ ଆମର କାମ୍ୟ । ଏହି ନୂତନ ସଂସ୍କରଣର ଉତ୍ତରୋତ୍ତର ଉନ୍ନତିକଳ୍ପେ ଗଠନମୂଳକ ପରାମର୍ଶ ମିଳିଲେ ପରବର୍ତ୍ତୀ ସଂସ୍କରଣରେ ଆମେ ତାହାକୁ ଯଥୋଚିତ ସମ୍ମାନ ଦେବୁ । ସମୀକ୍ଷକ, ଲେଖକ, ସଂଯୋଜିକା ଓ ବିଷୟ- ଶିକ୍ଷକଶିକ୍ଷୟିତ୍ରୀଙ୍କୁ ସେମାନଙ୍କ ଅକୁଣ୍ଠ ସହଯୋଗ ପାଇଁ ପରିଷଦ ତରଫରୁ ସାଧୁବାଦ ଜଣାଉଛି ।

**ସଭାପତି**

**ମାଧ୍ୟମିକ ଶିକ୍ଷା ପରିଷଦ, ଓଡ଼ିଶା**

# ଅଗ୍ରଲେଖ

ଓଡ଼ିଶା ମାଧମିକ ଶିକ୍ଷା ପରିଷଦ ଦ୍ଵାରା ନିୟନ୍ତ୍ରିତ ଉଚ୍ଚ ବିଦ୍ୟାଳୟ ଅଷ୍ଟମ ଶ୍ରେଣୀରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀମାନଙ୍କ ପାଇଁ 'ଆମ ବ୍ୟାକରଣ' ପୁସ୍ତକ ପ୍ରସ୍ତୁତ କରାଯାଇଅଛି । ଏହା ଗତାନୁଗତିକ ଧାରାରେ ରଚିତ ନହୋଇ ନୂତନ ଦୃଷ୍ଟିଭଙ୍ଗୀ ଓ ନୂଆ ପଦ୍ଧତିରେ ରଚିତ ହୋଇଛି । ଏଥିରେ ବ୍ୟାବହାରିକ ଓଡ଼ିଆ ଭାଷା ଉପରେ ଗୁରୁତ୍ଵ ପ୍ରଦାନ କରାଯାଇଛି । ବିଭିନ୍ନ ପ୍ରସଙ୍ଗରେ ପ୍ରଦତ୍ତ ଉଦାହରଣଗୁଡ଼ିକ ଛାତ୍ରଛାତ୍ରୀମାନଙ୍କ ପାଇଁ ଉପଯୋଗୀ ହୋଇଅଛି । ଏହି ପୁସ୍ତକ ଶିକ୍ଷଣ କାର୍ଯ୍ୟଭିତ୍ତିକ । ଏଥିରେ ପ୍ରଥମ ଓ ଦ୍ଵିତୀୟ ଅଧ୍ୟାୟରେ ଓଡ଼ିଆ ଭାଷା, ଧ୍ଵନି, ଲିପି, ଶବ୍ଦ, ଲିଙ୍ଗ, ପୁରୁଷ ଓ ବଚନ ସମ୍ପର୍କରେ ସୂଚନା ଦିଆଯାଇଅଛି । ଓଡ଼ିଆ ଭାଷା ସାହିତ୍ୟ ଶିକ୍ଷା ଧାରାରେ ୭ମ ଶ୍ରେଣୀ ପର୍ଯ୍ୟନ୍ତ ସ୍ଵତନ୍ତ୍ର ଭାବେ ବ୍ୟାକରଣ ପୁସ୍ତକର ପ୍ରଚଳନ ନଥିବାରୁ ବିଦ୍ୟାର୍ଥୀଙ୍କ ସହଜ ଅବବୋଧ ପାଇଁ ପ୍ରଥମ ଦୁଇଟି ଅଧ୍ୟାୟକୁ ସୂଚନା ଅଧ୍ୟାୟ ରୂପେ ସଂଯୋଗ କରାଯାଇଅଛି । ତେଣୁ ଅଧ୍ୟାୟ ଦୁଇଟିର ଶେଷରେ ପ୍ରଶ୍ନାବଳୀ ଦିଆଯାଇନାହିଁ । ପରବର୍ତ୍ତୀ ତଥା ଅଷ୍ଟମ ଶ୍ରେଣୀ ନିମନ୍ତେ ଉଦ୍ଦିଷ୍ଟ ୭ଟି ଅଧ୍ୟାୟରେ ପଦ ପ୍ରକରଣ, ଭାବ ସମ୍ପ୍ରସାରଣ, ପ୍ରଦତ୍ତ ଅନୁଚ୍ଛେଦରୁ ଉତ୍ତର ଲିଖନ, ପତ୍ର ଓ ଦରଖାସ୍ତ ଲିଖନ ଇତ୍ୟାଦିକୁ ପାଠ୍ୟକ୍ରମ ଅନୁଯାୟୀ ଶିକ୍ଷାର୍ଥୀମାନଙ୍କ ପାଇଁ ପ୍ରସ୍ତୁତ କରାଯାଇଅଛି ।

**ଲେଖକମଣ୍ଡଳୀ**

# ଭାରତୀୟ ସ୍ଥଳ ସେନା

## ଜୀବନ ଓ ଜୀବିକା ଗଢ଼ିବାରେ ସହଯୋଗୀ

| କ୍ରମିକ ସଂଖ୍ୟା | ପାଠ୍ୟକ୍ରମ | ପାଠ୍ୟକ୍ରମ ନିମନ୍ତେ ଖାଲିଥିବା ସ୍ଥାନ | ଯୋଗ୍ୟତା ମାନଦଣ୍ଡ | | ବୈବାହିକ ସ୍ଥିତି | ଅଗ୍ରଣୀ ସମ୍ବାଦପତ୍ରରେ ବିଜ୍ଞାପନ ଦିଆଯାଏ | ଚାକିରୀ ଚୟନ ପରିଷଦ (ଏସ୍.ଏମ୍.ବି.) ବସିବାର ଆନୁମାନିକ ତାରିଖ | ପ୍ରଶିକ୍ଷଣ ଏକାଡେମୀର ନାମ | ପ୍ରଶିକ୍ଷଣର ସମୟସୀମା |
|---|---|---|---|---|---|---|---|---|---|
| | | | ବୟସସୀମା | ଯେଗ୍ୟତା | | | | | |
| ୧. | ଏନ୍.ଡି.ଏ ଜାତୀୟ ପ୍ରତିରକ୍ଷା ଏକାଡେମୀ | ୩୦୦ ସ୍ଥଳସେନା ୧୯୫ ବାୟୁସେନା ୬୬ ନୌସେନା ୩୯ (ପ୍ରତ୍ୟେକ ବର୍ଷ ଜାନୁୟାରୀ ଏବଂ ଜୁଲାଇ ମାସ) | ୧୬ବର୍ଷ ୬ ମାସରୁ ୧୯ ବର୍ଷ | ୧୦+୨ ଶିକ୍ଷା ବ୍ୟବସ୍ଥାରେ ଦ୍ୱାଦଶ ଶ୍ରେଣୀ କିମ୍ବା ସମତୁଲ୍ୟ କେବଳ ସ୍ଥଳସେବା ନିମନ୍ତେ ଏବଂ ପଦାର୍ଥ ବିଜ୍ଞାନ ଓ ଗଣିତ ବିଷୟ ସହିତ କେବଳ ବାୟୁ ଓ ନୌସେନା ନିମନ୍ତେ | ଅବିବାହିତ | କେନ୍ଦ୍ରୀୟ ଲୋକସେବା ଆୟୋଗଙ୍କ ଦ୍ୱାରା ମାର୍ଚ୍ଚ ଓ ଅକ୍ଟୋବର ମାସରେ ବିଜ୍ଞାପନ ଦିଆଯାଏ | ସେପ୍ଟେମ୍ବର ରୁ ଅକ୍ଟୋବର ମାସ ଜାନୁୟାରୀରୁ ଏପ୍ରିଲ୍ ମାସ | ଜାତୀୟ ପ୍ରତିରକ୍ଷା ଏକାଡେମୀ (ଏନ୍.ଡି.ଏ.) ଖଡ଼ଗ ଭାଁସଲା, ପୁନା | ଜାତୀୟ ପ୍ରତିରକ୍ଷା ଏକାଡେମୀ (ଏନ୍.ଡି.ଏ.)ରେ ୩ବର୍ଷ ଓ ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ (ଆଇ.ଏମ୍.ଏ)ରେ ୧ ବର୍ଷ |
| ୨. | ୧୦+୨ ସ୍ତରରେ ବୈଷୟିକ ପ୍ରବେଶ ଯୋଜନା | ୮୫ (ପ୍ରତ୍ୟେକ ବର୍ଷ ଜାନୁୟାରୀ ଏବଂ ଜୁଲାଇ ମାସ) | ୧୬ ବର୍ଷ ୬ ମାସରୁ ୧୯ ବର୍ଷ ୬ ମାସ | ପଦାର୍ଥ ବିଜ୍ଞାନ, ରସାୟନ ବିଜ୍ଞାନ ଓ ଗଣିତ ବିଷୟ ରଖି ୧୦+୨ ପାଶ୍ (ହାରାହାରି ୭୦%ରୁ ଅଧିକା ନମ୍ବର ରଖିଥିବା ପ୍ରାର୍ଥୀ ଆବେଦନ କରିବେ) | ଅବିବାହିତ | ଏପ୍ରିଲ୍ ଓ ସେପ୍ଟେମ୍ବର ମାସ | ଅଗଷ୍ଟରୁ ଅକ୍ଟୋବର ଏବଂ ଫେବୃୟାରୀରୁ ଏପ୍ରିଲ୍ ମାସ | ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ ଡେରାଡୁନ୍ | ୫ବର୍ଷ (ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀରେ ୧ବର୍ଷ ଏବଂ ଇଞ୍ଜିନିୟରିଂ ସ୍ନାତକରେ ୪ ବର୍ଷ, ୪ବର୍ଷ ପରେ ସ୍ଥାୟୀ କମିଶନ୍) |
| ୩. | ଆଇ.ଏମ୍.ଏ. (ଡି.ଇ) ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ (ଶିକ୍ଷାଦାନ) | ୨୫୦ (ପ୍ରତ୍ୟେକ ବର୍ଷ ଜାନୁୟାରୀ ଏବଂ ଜୁଲାଇ ମାସ) | ୧୯ ବର୍ଷରୁ ୨୪ ବର୍ଷ | ସ୍ୱୀକୃତିପ୍ରାପ୍ତ ବିଶ୍ୱବିଦ୍ୟାଳୟରୁ ସ୍ନାତକ ପାଶ୍ | ଅବିବାହିତ | ମାର୍ଚ୍ଚ/ଏପ୍ରିଲ୍ ଓ ସେପ୍ଟେମ୍ବର / ଅକ୍ଟୋବର ମାସ | ସେପ୍ଟେମ୍ବର / ଅକ୍ଟୋବର ଏବଂ ମାର୍ଚ୍ଚ / ଏପ୍ରିଲ୍ ମାସ | ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ, ଡେରାଡୁନ୍ | ୧ ବର୍ଷ ୬ମାସ |
| ୪. | ଏସ୍.ଏସ୍.ସି (ଏନ୍.ଟି) ସ୍ୱଳ୍ପ ମିଆଦି ସେବା ମିଶନ୍ (ଅଣବୈଷୟିକ ପୁରୁଷ) | ୧୭୫ (ପ୍ରତ୍ୟେକ ବର୍ଷ ଏପ୍ରିଲ୍ ଏବଂ ଅକ୍ଟୋବର) | ୧୯ ବର୍ଷରୁ ୨୫ ବର୍ଷ | ସ୍ୱୀକୃତିପ୍ରାପ୍ତ ବିଶ୍ୱବିଦ୍ୟାଳୟରୁ ସ୍ନାତକ ପାଶ୍ | ଅବିବାହିତ/ ବିବାହିତ | ମାର୍ଚ୍ଚ / ଏପ୍ରିଲ୍ ଓ ସେପ୍ଟେମ୍ବର / ଅକ୍ଟୋବର ମାସ | ଅକ୍ଟୋବର / ନଭେମ୍ବର ଏବଂ ଜୁଲାଇ / ଅଗଷ୍ଟ | (ଓ.ଟି.ଏ., ଚେନ୍ନାଇ) ଅଧିକାରୀ ପ୍ରଶିକ୍ଷଣ ଏକାଡେମୀ, ଚେନ୍ନାଇ | ୪୯ ସପ୍ତାହ |

| | | | | | | | | | |
|---|---|---|---|---|---|---|---|---|---|
| ୫. | ଏସ୍.ଏସ୍.ସି. (ଏନ୍.ଟି.) ସ୍ୱଳ୍ପ ମିଆଦି ସେବା କମିଶନ୍ (ଅଣବୈଷୟିକ (ମହିଳା) (ବିଶେଷଜ୍ଞ ଅଣ ବୈଷୟିକ ସମେତ କେ.ଏ.ଜି. ପ୍ରବେଶ ନିମନ୍ତେ) | ପ୍ରତ୍ୟେକ ବର୍ଷ ଏପ୍ରିଲ୍ ଓ ଅକ୍ଟୋବର ମାସରେ ଯେତୋଟି ସ୍ଥାନ ପାଇଁ ବିଜ୍ଞାପନ ପ୍ରକାଶ ପାଇବ | ସ୍ନାତକ ଉପାଧି ନିମନ୍ତେ ୧୯ ରୁ ୨୫ ବର୍ଷ ଓ ସ୍ନାତକୋତ୍ତର / ବିଶେଷଜ୍ଞ / କେ.ଏ.ଜି. ନିମନ୍ତେ ୨୧ ରୁ ୨୭ ବର୍ଷ | ସ୍ୱୀକୃତି ପ୍ରାପ୍ତ ବିଶ୍ୱବିଦ୍ୟାଳୟରୁ ଡିପ୍ଲୋମା ସମେତ ସ୍ନାତକ/ ସ୍ନାତକୋତ୍ତର/ ଆଇନ ସ୍ନାତକ ପାଶ୍ | ଅବିବାହିତ | ଏପ୍ରିଲ୍ ଓ ଅକ୍ଟୋବର ମାସ | ନଭେମ୍ବରରୁ ଜାନୁୟାରୀ ଏବଂ ମେ' ଜୁଲାଇ | ଅଧିକାରୀ ପ୍ରଶିକ୍ଷଣ ଏକାଡେମୀ (ଓ.ଟି.ଏ) ଚେନ୍ନାଇ | ୪୯ ସପ୍ତାହ |
| ୬. | ଏନ୍.ସି.ସି. (ସମଗ୍ର ଶିକ୍ଷାର୍ଥୀ ବାହିନୀ) (ସ୍ୱତନ୍ତ୍ର) ପୁରୁଷଙ୍କ ପ୍ରବେଶ ନିମନ୍ତେ | ୫୦ ପ୍ରତ୍ୟେକ ବର୍ଷ ଏପ୍ରିଲ୍ ଓ ଅକ୍ଟୋବର ମାସ | ୧୯ରୁ ୨୫ବର୍ଷ | ସ୍ନାତକ ଉପାଧିରେ ହାରାହାରି ୫୦% ନମ୍ବର ରଖି ପାଶ୍ କରିଥିବେ ସମର ଶିକ୍ଷାର୍ଥୀ ବାହିନୀ (ସ୍ଥଳ ବାହିନୀରେ) ୨ ବର୍ଷର ସେବା ସମେତ 'ସି' ସାର୍ଟିଫିକେଟ୍ ପରୀକ୍ଷାରେ 'ବି' ଶ୍ରେଣୀ ପ୍ରାପ୍ତ ହୋଇଥିବେ | ଅବିବାହିତ | ବିଜ୍ଞାପନ ଭାବେ ପ୍ରକାଶ ପାଇବ | ଜାନୁୟାରୀ ଓ ଅଗଷ୍ଟ କେବଳ ମହିଳାଙ୍କ ନିମନ୍ତେ, ନଭେମ୍ବରରୁ ଜାନୁୟାରୀ ଏବଂ ମେ' ରୁ ଜୁଲାଇ ପୁରୁଷଙ୍କ ନିମନ୍ତେ | ଅଧିକାରୀ ପ୍ରଶିକ୍ଷଣ ଏକାଡେମୀ, ଚେନ୍ନାଇ | ୪୯ ସପ୍ତାହ |
| | ଏନ୍.ସି.ସି. (ସମର ଶିକ୍ଷାର୍ଥୀ ବାହିନୀ) (ସ୍ୱତନ୍ତ୍ର) ମହିଳାଙ୍କ ପ୍ରବେଶ ନିମନ୍ତେ | ଯେତୋଟି ସ୍ଥାନ ନିମନ୍ତେ ବିଜ୍ଞାପନ ପ୍ରକାଶ ହେବ | | | | | | | |
| ୭. | କେ. ଏଜି. (ବିଚାରକ ମହା ଅଧିବକ୍ତା) (ପୁରୁଷ) | ଯେତୋଟି ସ୍ଥାନ ନିମନ୍ତେ ଏପ୍ରିଲ୍ / ଅକ୍ଟୋବର ମାସରେ ବିଜ୍ଞାପନ ପ୍ରକାଶ ହେବ | ୨୧ ରୁ ୨୭ବର୍ଷ | ସ୍ନାତକ ସମେତ ହାରାହାରି ୫୫% ନମ୍ବର ରଖି ଆଇନରେ ସ୍ନାତକ/ ସ୍ନାତକୋତ୍ତର, ଭାରତ ବର୍ଷରେ ଯେକୌଣସି ରାଜ୍ୟର ବାର୍ କାଉନ୍ସିଲରେ ନିଜ ନାମ ପଞ୍ଜୀକୃତ କରିଥିବେ | ଅବିବାହିତ / ବିବାହିତ | ମେ' | ଜାନୁୟାରୀ ଓ ଅଗଷ୍ଟ | ଅଧିକାରୀ ପ୍ରଶିକ୍ଷଣ ଏକାଡେମୀ, ଚେନ୍ନାଇ | ୪୯ ସପ୍ତାହ |
| ୮. | ଇଉ.ଇ.ଏସ୍. (ଅନୁ ଇଂଜିନିୟରିଂ ସେବା) | ୬୦ ପ୍ରତ୍ୟେକ ବର୍ଷ ଜୁଲାଇ ମାସ | ଶେଷ ବର୍ଷ ନିମନ୍ତେ ୧୯ରୁ୨୫ ବର୍ଷ ପ୍ରାକ୍ ଶେଷ ବର୍ଷ ନିମନ୍ତେ ୧୮ରୁ୨୪ ବର୍ଷ | ଇଂଜିନିୟରିଂ ଡିଗ୍ରୀ ପାଠକ୍ରମର ଶେଷ ବର୍ଷ ବା ପ୍ରାକ୍ ଶେଷ ବର୍ଷ ଛାତ୍ର ହୋଇଥିବେ | ଅବିବାହିତ | ଏପ୍ରିଲ୍ ଓ ଅକ୍ଟୋବର | ଶେଷ ବର୍ଷ ନିମନ୍ତେ ଜାନୁୟାରୀରୁ ମାର୍ଚ୍ଚ ପ୍ରାକ୍ ଶେଷ ବର୍ଷ ନିମନ୍ତେ ଅଗଷ୍ଟରୁ ଅକ୍ଟୋବର ମାସ | ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ | ଏକ ବର୍ଷ |

| | | | | | | | | | |
|---|---|---|---|---|---|---|---|---|---|
| ୯. | ଟି.କି.ସି. (ଇଂଜିନିୟରିଂ) ତାଲିମ ପ୍ରାପ୍ତ ସ୍ନାତକ ବାହିନୀ (ଇଂଜିନିୟରିଂ) | ପ୍ରତ୍ୟେକ ବର୍ଷ ଜାନୁୟାରୀ ଓ ଜୁଲାଇ ମାସରେ ଯେତୋଟି ସ୍ଥାନ ନିମନ୍ତେ ବିଜ୍ଞାପନ ପ୍ରକାଶ ପାଇବ | ୨୦ରୁ ୨୭ବର୍ଷ | ଇଂଜିନିୟରିଂ ସ୍ରୋତର ପ୍ରକାଶିତ ହୋଇଥିବା ବିଷୟରେ ବି.ଇ./ବି.ଟେକ୍ (ଇଂଜିନିୟରିଂ/ ବୈଷୟିକ ସ୍ନାତକ) | ଅବିବାହିତ/ ବିବାହିତ | ପୁରୁଷଙ୍କ ନିମନ୍ତେ ଏପ୍ରିଲ୍ ଏବଂ ଅକ୍ଟୋବର ଓ ମହିଳାଙ୍କ ନିମନ୍ତେ ଜୁନ୍-ଜୁଲାଇ, ଡିସେମ୍ବର-ଜାନୁୟାରୀ | ମାର୍ଚ୍ଚ/ଏପ୍ରିଲ୍ ଓ ସେପ୍ଟେମ୍ବର/ ଅକ୍ଟୋବର | ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ | ଏକ ବର୍ଷ |
| ୧୦. | ଟି.କି.ସି. (ଶିକ୍ଷା) ଏ.ଇ.ସି. ତାଲିମପ୍ରାପ୍ତ ସ୍ନାତକ ବାହିନୀ (ଶିକ୍ଷା) ସ୍ଥଳସେନା ଶିକ୍ଷା ବାହିନୀ | ପ୍ରତ୍ୟେକ ବର୍ଷ ଜାନୁୟାରୀ ଓ ଜୁଲାଇ ମାସରେ ଯେତୋଟି ସ୍ଥାନ ନିମନ୍ତେ ବିଜ୍ଞାପନ ପ୍ରକାଶ ପାଇବ | ୨୩ରୁ ୨୭ବର୍ଷ | ସ୍ୱୀକୃତିପ୍ରାପ୍ତ ବିଶ୍ୱବିଦ୍ୟାଳୟରୁ ବିଜ୍ଞାପିତ ହୋଇଥିବା ବିଷୟରେ କଳା/ ବିଜ୍ଞାନରେ ସ୍ନାତକୋତ୍ତର ପାଶ୍ | ଅବିବାହିତ | ମାର୍ଚ୍ଚ ଓ ଅଗଷ୍ଟ | ମାର୍ଚ୍ଚ/ଏପ୍ରିଲ୍ ଓ ସେପ୍ଟେମ୍ବର/ ଅକ୍ଟୋବର | ରାଷ୍ଟ୍ରୀୟ ମିଲିଟାରୀ ଏକାଡେମୀ | ଏକ ବର୍ଷ |
| ୧୧. | ଏସ୍.ଏସ୍.ସି (ଟି)/ସ୍ୱଳ୍ପ ମିଆଦି ସେବା କମିଶନ୍ (ବୈଷୟିକ) (ପୁରୁଷ) | ୫୦ ପ୍ରତ୍ୟେକ ବର୍ଷ ଏପ୍ରିଲ୍ ଓ ଅକ୍ଟୋବର | ୨୦ରୁ ୨୭ବର୍ଷ | ବିଜ୍ଞାପିତ ହୋଇଥିବା ବିଷୟରେ ଇଞ୍ଜିନିୟରିଂ ଉପାଧି | ଅବିବାହିତ / ବିବାହିତ | ଏପ୍ରିଲ୍ ଓ ଜୁଲାଇ | ଡିସେମ୍ବର-ଜାନୁୟାରୀ ଓ ଜୁନ୍-ଜୁଲାଇ | ଅଧିକାରୀ ପ୍ରଶିକ୍ଷଣ ଏକାଡେମୀ | ୪୯ ସପ୍ତାହ |
| ୧୨. | ଏସ୍.ଏସ୍.ସି. (ଟି)/ସ୍ୱଳ୍ପ ମିଆଦି ସେବା (ବୈଷୟିକ) (ମହିଳା) | ପ୍ରତ୍ୟେକ ବର୍ଷ ଏପ୍ରିଲ୍ ଓ ଅକ୍ଟୋବର ମାସରେ ଯେତୋଟି ସ୍ଥାନ ପାଇଁ ବିଜ୍ଞାପନ ପ୍ରକାଶ ପାଇବ | ୨୦ରୁ ୨୭ବର୍ଷ | ବିଜ୍ଞାପିତ ହୋଇଥିବା ବିଷୟରେ ଇଂଜିନିୟରିଂ ଉପାଧି | ଅବିବାହିତ | ଜାନୁୟାରୀ ଓ ଜୁଲାଇ | ଏପ୍ରିଲ୍ ପାଠ୍ୟକ୍ରମ ପାଇଁ ନଭେମ୍ବରରୁ ଜାନୁୟାରୀ ଓ ଅକ୍ଟୋବର ପାଠ୍ୟକ୍ରମ ପାଇଁ ମଇରୁ ଜୁଲାଇ | ଅଧିକାରୀ ପ୍ରଶିକ୍ଷଣ ଏକାଡେମୀ | ୪୯ ସପ୍ତାହ |

# ଜୀବନ ଓ ଜୀବିକା ଗଢ଼ିବାରେ ସହଯୋଗୀ

| କ୍ରମିକ ସଂଖ୍ୟା | ବର୍ଷ | ଶିକ୍ଷାଗତ ଯୋଗ୍ୟତା | ବୟସ |
|---|---|---|---|
| ୧ | ୨ | ୩ | ୪ |
| ୧. | ସୈନିକ (ସାଧାରଣ କର୍ତ୍ତବ୍ୟ) (ସ୍ଥଳ ସେନାରେ ସମସ୍ତ ବିଭାଗ ନିମନ୍ତେ) | ପ୍ରତ୍ୟେକ ବିଷୟରେ ୩୨% ପ୍ରତିଶତ ଏବଂ ହାରାହାରି ୪୫% ପ୍ରତିଶତ ନମ୍ବର ରଖି ଏସ୍.ଏସ୍. ଏଲ୍.ସି / ମାଟ୍ରିକ ପାଶ୍ ଏବଂ ତଦୂର୍ଦ୍ଧ । | ୧୭ବର୍ଷ ୬ ମାସ ରୁ ୨୧ବର୍ଷ |
| ୨. | ସୈନିକ (ବୈଷୟିକ) (ବୈଷୟିକ ସ୍ଥଳସେନା, ଗୋଲନ୍ଦାଜସେନା) | ପଦାର୍ଥ ବିଜ୍ଞାନ, ରସାୟନ ବିଜ୍ଞାନ, ଗଣିତ ଓ ଇଂରାଜୀ ବିଷୟ ରଖି ୧୦+୨ / ଇଣ୍ଟରମିଡିଏଟ୍ ବିଜ୍ଞାନ ଶ୍ରେଣୀ ପାଶ୍ | ୧୭ବର୍ଷ ୬ ମାସ ରୁ ୨୩ବର୍ଷ |
| ୩. | ସୈନିକ କିରାଣୀ / ବୈଷୟିକ ଭଣ୍ଡାର ରକ୍ଷକ (ସ୍ଥଳ ସେନାର ସମସ୍ତ ବିଭାଗ) | ପ୍ରତ୍ୟେକ ବିଷୟରେ ଅନ୍ୟୁନ ୪୦% ପ୍ରତିଶତ ଏବଂ ହାରାହାରି ୫୦% ପ୍ରତିଶତ ନମ୍ବର ରଖି (କଳା, ବାଣିଜ୍ୟ, ବିଜ୍ଞାନ) ଯେ କୌଣସି ସ୍ରୋତର ୧୦+୨ /ଇଣ୍ଟର ମିଡିଏଟ୍ ପରୀକ୍ଷା ପାଶ୍ । ଉଚ୍ଚ ଯୋଗ୍ୟତା ନିମନ୍ତେ କୌଣସି ନିର୍ଦ୍ଧାରଣ ହେବନାହିଁ । | ୧୭ବର୍ଷ ୬ ମାସ ରୁ ୨୩ବର୍ଷ |
| ୪. | ସୈନିକ, ସେବାକର୍ମ ସହାୟକ (ସ୍ଥଳ ସେନା ଚିକିତ୍ସା ବାହିନୀ) | ପ୍ରତ୍ୟେକ ବିଷୟରେ ଅନ୍ୟୁନ ୪୦% ପ୍ରତିଶତ ଏବଂ ହାରାହାରି ଅନ୍ୟୁନ ୫୦% ପ୍ରତିଶତ ନମ୍ବର ରଖି ପଦାର୍ଥ ବିଜ୍ଞାନ, ରସାୟନ ବିଜ୍ଞାନ, ଜୀବବିଜ୍ଞାନ ଓ ଇଂରାଜୀ ବିଷୟରେ ୧୦+୨ /ଇଣ୍ଟର ମିଡିଏଟ୍ ପରୀକ୍ଷା ପାଶ୍ । | ୧୭ବର୍ଷ ୬ ମାସ ରୁ ୨୩ବର୍ଷ |
| ୫. | ସୈନିକ କାରିଗର (ସ୍ଥଳ ସେନାର ପ୍ରତ୍ୟେକ ବିଭାଗ) | ଅଣ ମାଟ୍ରିକ୍ୟୁଲେସନ୍ | ୧୭ବର୍ଷ ୬ ମାସ ରୁ ୨୩ବର୍ଷ |
| ୬. | ସୈନିକ (ସାଧାରଣ କର୍ତ୍ତବ୍ୟ) (ସ୍ଥଳସେନାର ପ୍ରତ୍ୟେକ ବିଭାଗ) | ଅଣ ମାଟ୍ରିକ୍ୟୁଲେସନ୍ | ୧୭ବର୍ଷ ୬ ମାସ ରୁ ୨୩ବର୍ଷ |
| ୭. | ସର୍‌ଭେୟର ଅଟୋ କାର୍ଡିଓଗ୍ରାଫର (ସ୍ୱୟଂ ହୃତ୍‌ସ୍ପନ୍ଦ ଲିଖନ ସର୍ବେକ୍ଷକ) (ଇଞ୍ଜିନିୟରସ୍) | ମାଟ୍ରିକ ଏବଂ ଦ୍ୱାଦଶ (୧୦+୨) ଶ୍ରେଣୀରେ ଗଣିତ ଓ ବିଜ୍ଞାନ ରଖିଥିବା ସହ ସ୍ନାତକ କଳା / ବିଜ୍ଞାନରେ ଗଣିତ ରଖି ପାଶ୍ | ୨୦ବର୍ଷ ରୁ ୨୫ ବର୍ଷ |
| ୮. | କେ.ସି. ଓ (ଧାର୍ମିକ ଶିକ୍ଷକ) / କନିଷ୍ଠ କମିଶନର୍ ଅଧିକାରୀ (ଧାର୍ମିକ ଶିକ୍ଷକ) (ସ୍ଥଳ ସେନାର ସମସ୍ତ ବିଭାଗ) | ଯେ କୌଣସି ସ୍ରୋତରେ ସ୍ନାତକ ସହିତ ନିଜ ଧର୍ମ ସମ୍ପ୍ରଦାୟ ଉପରେ ଯୋଗ୍ୟତା | ୨୭ବର୍ଷ ରୁ ୩୪ ବର୍ଷ |
| ୯. | କେ.ସି. ଓ (କାଟରିଙ୍ଗ) କନିଷ୍ଠ କମିଶନଡ ଅଧିକାରୀ (ଖାଦ୍ୟ ସରବରାହ) (ସ୍ଥଳ ସେନା ସେବା ବାହିନୀ) | ୧୦+୨, ଯେକୌଣସି ସ୍ୱୀକୃତିପ୍ରାପ୍ତ ବିଶ୍ୱ ବିଦ୍ୟାଳୟରୁ ରାନ୍ଧଣାକଳା, ହୋଟେଲ୍ ପରିଚାଳନା ଏବଂ ଖାଦ୍ୟ ସରବରାହ ବାବଦରେ ବୈଷୟକଜ୍ଞାନ ଥିବା ଏକ ବର୍ଷ କିମ୍ବା ତଦୂର୍ଦ୍ଧ ସମୟସୀମାର ପ୍ରମାଣିତ ପାଠ୍ୟକ୍ରମ/ ଡିପ୍ଲୋମା । ଏଆଇସିଟିଇ (ସର୍ବ ଭାରତୀୟ ବୈଷୟିକ ଶିକ୍ଷା ପରିଷଦ)ର ସ୍ୱୀକୃତି ବାଧ୍ୟତା ମୂଳକ ନୁହେଁ । | ୨୧ବର୍ଷ ରୁ ୨୭ ବର୍ଷ |
| ୧୦. | ହାବିଲ୍‌ଦାର ଶିକ୍ଷକ | ଜି.ପି.ଏକ୍ସ (ସାଧାରଣ ପଦବୀ–ଏକ୍ସ) – କଳା / ବିଜ୍ଞାନରେ ସ୍ନାତକୋତ୍ତର କିମ୍ବା ଶିକ୍ଷକ ତାଲିମ୍ ପାଠ୍ୟସହ କଳା/ବିଜ୍ଞାନରେ ସ୍ନାତକ ଜି.ପି.– ୱାଇ'' (ସାଧାରଣ ପଦବୀ – ୱାଇ'') ଶିକ୍ଷକ ତାଲିମ୍ ପାଠ୍ୟକ୍ରମ ବ୍ୟତୀତ କଳା/ବିଜ୍ଞାନରେ ସ୍ନାତକ | (ସର୍ବ ଭାରତୀୟ ବୈଷୟିକ ଶିକ୍ଷା ପରିଷଦ) ୨୦ –୨୫ ବର୍ଷ |

**ଟିପ୍ପଣୀ–ଶିକ୍ଷାଦାନ କରିବା ପାଇଁ ସୈନିକ (ସାଧାରଣ କର୍ତ୍ତବ୍ୟ)ରେ ଭରି ହେବା ନିମନ୍ତେ ସରକାରଙ୍କ ଦ୍ୱାରା ଚୟନ କରାଯାଇଥିବା କେତେକ ରାଜ୍ୟ/ଧର୍ମ/ ଧର୍ମ/ଜାତି ଓ ସମ୍ପ୍ରଦାୟଙ୍କ ନିମନ୍ତେ କେବଳ ପ୍ରଯୁଜ୍ୟ ।**

**ସବିଶେଷ ବିବରଣ ନିକଟତମ ସ୍ଥଳସେନା ନିଯୁକ୍ତି କାର୍ଯ୍ୟାଳୟ/ଆଞ୍ଚଳିକ ନିଯୁକ୍ତି କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହି ତଥ୍ୟ କେବଳ ସମ୍ୟକ ସୂଚନା ନିମନ୍ତେ ଏବଂ ଏହା ପରିବର୍ତ୍ତନ ସାପେକ୍ଷ) ସର୍ବଶେଷ ବିବରଣ ପାଇଁ ନିଯୁକ୍ତି କରୁଥିବା କର୍ମଚାରୀଙ୍କ ସହ ଯୋଗାଯୋଗ କରନ୍ତୁ ।**

www.joindianaing.nic.in-e.mail : recruitingdirecolorade@vsnl.net ଦେଖନ୍ତୁ ।

# ସୂଚୀ


| ଅଧ୍ୟାୟ/ପାଠ | ପ୍ରସଙ୍ଗ | ପୃଷ୍ଠା |
|---|---|---|
| ପ୍ରଥମ ଅଧ୍ୟାୟ | ଓଡ଼ିଆ ଭାଷା, ଧ୍ୱନି, ଲିପି, ମାତ୍ରା, ଫଳା ଓ ଶବ୍ଦ | ୧-୧୨ |
| ଦ୍ୱିତୀୟ ଅଧ୍ୟାୟ | ଲିଙ୍ଗ, ବଚନ ଓ ପୁରୁଷ | ୧୩-୨୧ |
| ତୃତୀୟ ଅଧ୍ୟାୟ | ପଦ ପ୍ରକରଣ– ବିଶେଷ୍ୟ | ୨୨-୪୦ |
| ଚତୁର୍ଥ ଅଧ୍ୟାୟ | ପଦ ପ୍ରକରଣ– ବିଶେଷଣ | ୪୧-୫୬ |
| ପଞ୍ଚମ ଅଧ୍ୟାୟ | ପଦ ପ୍ରକରଣ– ସର୍ବନାମ | ୫୭-୬୮ |
| ଷଷ୍ଠ ଅଧ୍ୟାୟ | ପଦ ପ୍ରକରଣ– କ୍ରିୟା | ୬୯-୮୭ |
| ସପ୍ତମ ଅଧ୍ୟାୟ | ପଦ ପ୍ରକରଣ– ଅବ୍ୟୟ | ୮୮-୧୦୧ |
| ଅଷ୍ଟମ ଅଧ୍ୟାୟ | ଭାବ ସଂପ୍ରସାରଣ ଓ ଅନୁଚ୍ଛେଦରୁ ଉତ୍ତରଲିଖନ | ୧୦୨-୧୧୨ |
| ନବମ ଅଧ୍ୟାୟ | ପତ୍ର ଓ ଦରଖାସ୍ତ ଲିଖନ | ୧୧୩-୧୩୦ |


❑ ❑ ❑

# ଭାରତର ସମ୍ବିଧାନ

**ପ୍ରାକ୍ କଥନ :**

ଆମ୍ଭେ ଭାରତବାସୀ ଭାରତକୁ ଏକ ସାର୍ବଭୌମ, ସମାଜବାଦୀ, ଧର୍ମ ନିରପେକ୍ଷ, ଗଣତାନ୍ତ୍ରିକ ସାଧାରଣତନ୍ତ୍ର ରୂପେ ଗଠନ କରିବା ପାଇଁ ଦୃଢ଼ ସଂକଳ୍ପ ନେଇ ଓ ଏହାର ନାଗରିକଙ୍କୁ

- ସାମାଜିକ, ଅର୍ଥନୈତିକ ଓ ରାଜନୈତିକ ନ୍ୟାୟ ;
- ଚିନ୍ତା, ଅଭିବ୍ୟକ୍ତି, ପ୍ରତ୍ୟୟ, ଧର୍ମୀୟ ବିଶ୍ୱାସ ଏବଂ ଉପାସନାର ସ୍ୱତନ୍ତ୍ରତା ;
- ସ୍ଥିତି ଓ ସୁବିଧା ସୁଯୋଗର ସମାନତାର ସୁରକ୍ଷା ପ୍ରଦାନ କରିବାକୁ ତଥା
- ବ୍ୟକ୍ତି ମର୍ଯ୍ୟାଦା ଏବଂ ରାଷ୍ଟ୍ରର ଐକ୍ୟ ଓ ସଂହତି ନିଶ୍ଚିତ କରି ସେମାନଙ୍କ ମଧ୍ୟରେ ଭ୍ରାତୃଭାବ ଉତ୍ସାହିତ କରିବାକୁ

ଏହି ୧୯୪୯ ମସିହା ନଭେମ୍ବର ୨୬ ତାରିଖ ଦିନ ଆମର ସଂବିଧାନ ପ୍ରଣୟନ ସଭାରେ ଏତଦ୍ୱାରା ଏହି ସଂବିଧାନକୁ ଗ୍ରହଣ ଓ ପ୍ରଣୟନ କରୁଅଛୁ ଏବଂ ଆମ ନିଜକୁ ଅର୍ପଣ କରୁଅଛୁ।

## ଚତୁର୍ଥ ଅଧ୍ୟାୟ (କ)
## ୫୧ (କ) ଧାରା : ମୌଳିକ କର୍ତ୍ତବ୍ୟ

**ଭାରତର ପ୍ରତ୍ୟେକ ନାଗରିକର ନିମ୍ନଲିଖିତ କର୍ତ୍ତବ୍ୟ**

(କ) ସମ୍ବିଧାନ ମାନି ଚଳିବା ଏବଂ ଏହାର ଆଦର୍ଶ ଓ ଅନୁଷ୍ଠାନମାନଙ୍କୁ ଏବଂ ଜାତୀୟ ପତାକା ଓ ଜାତୀୟ ସଙ୍ଗୀତକୁ ସମ୍ମାନ ପ୍ରଦର୍ଶନ କରିବା;

(ଖ) ଯେଉଁ ସବୁ ମହନୀୟ ଆଦର୍ଶ ଆମ ଜାତୀୟ ସ୍ୱାଧୀନତା ସଂଗ୍ରାମକୁ ଅନୁପ୍ରାଣିତ କରିଥିଲା, ତାହାକୁ ସ୍ମରଣ ଓ ଅନୁସରଣ କରିବା;

(ଗ) ଭାରତର ସାର୍ବଭୌମ, ଏକତା ଓ ସଂହତିର ସୁରକ୍ଷା କରିବା;

(ଘ) ଦେଶର ପ୍ରତିରକ୍ଷା କରିବା ଓ ଆବଶ୍ୟକ ସ୍ଥଳେ ଜାତୀୟ ସେବା ପ୍ରଦାନ କରିବା;

(ଙ) ଧର୍ମଗତ, ଭାଷାଗତ ଏବଂ ଆଞ୍ଚଳିକ କିମ୍ବା ଗୋଷ୍ଠୀଗତ ଭିନ୍ନତାକୁ ଅତିକ୍ରମ କରି ଭାରତର ଜନସାଧାରଣଙ୍କ ମଧ୍ୟରେ ଐକ୍ୟ ଓ ଭ୍ରାତୃଭାବ ପ୍ରତିଷ୍ଠା କରିବା ଏବଂ ନାରୀଜାତିର ମର୍ଯ୍ୟାଦାହାନୀସୂଚକ ବ୍ୟବହାର ପରିତ୍ୟାଗ କରିବା;

(ଚ) ଆମର ସଂସ୍କୃତିର ମୂଲ୍ୟବାନ ଐତିହ୍ୟକୁ ସମ୍ମାନ ପ୍ରଦର୍ଶନ ଓ ସଂରକ୍ଷଣ କରିବା;

(ଛ) ଅରଣ୍ୟ, ହ୍ରଦ, ନଦୀ, ବନ୍ୟପ୍ରାଣୀ ସମେତ ପ୍ରାକୃତିକ ପରିବେଶର ସୁରକ୍ଷା ଓ ଉନ୍ନତି କରିବା ଏବଂ ଜୀବଜଗତ ପ୍ରତି ଅନୁକମ୍ପା ପ୍ରଦର୍ଶନ କରିବା;

(ଜ) ବୈଜ୍ଞାନିକ ମନୋଭାବ, ମାନବବାଦ ଏବଂ ଅନୁସନ୍ଧିତ୍ସା ଓ ସଂସ୍କାର ମନୋଭାବ ପୋଷଣ କିରବା;

(ଝ) ସର୍ବସାଧାରଣ ସମ୍ପତ୍ତିର ସୁରକ୍ଷା କରିବା ଓ ହିଂସା ତ୍ୟାଗ କରିବା;

(ଞ) ବ୍ୟକ୍ତିଗତ ଓ ସମଷ୍ଟିଗତ କାର୍ଯ୍ୟାବଳୀର ପ୍ରତ୍ୟେକ କ୍ଷେତ୍ରରେ ଉତ୍କର୍ଷ ସାଧନ କରିବା, ଯାହା ଦ୍ୱାରା ଆମ ଦେଶ ପ୍ରଚେଷ୍ଟା ଓ କୃତିତ୍ୱର ଉଚ୍ଚତର ସୋପାନକୁ ଅବିରତ ଉନ୍ନତି କରିପାରିବ;

(ଟ) ମାତା ବା ପିତା ବା ଅଭିଭାବକ, ତାଙ୍କର ଛଅ ବର୍ଷରୁ ଚଉଦ ବର୍ଷ ବୟସ ମଧ୍ୟରେ ଥିବା ସନ୍ତାନ ବା ପାଳିତଙ୍କୁ ଶିକ୍ଷାଲାଭର ସୁଯୋଗ ଯୋଗାଇ ଦେବା।